## ଆଜି ଅନୁଗୋଳ ଜିଲ୍ଲାରୁ ୬୪ ଜଣ କରୋନା ପଜିଟିଭ ଚିହ୍ନଟ ।

**ପଜିଟିଭ ସଂଖ୍ୟା ୪୧୬୩୯ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୧ ଜଣ ।**

ଅନୁଗୋଳ, ତା.୧୦.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୬୪ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୧୨ଜଣ (୮ ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ (୩ ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୬ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୮୭ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୩ ଲକ୍ଷ ୨୬ହଜାର ୫୪୬ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୪୦୧ ତା.୧୦.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ